ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୮୪୯ ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୨୬୯୪୬ରେ ପହଞ୍ଚିଲା - ସୁସ୍ଥ ହେଲେ ୫୩୧ ଜଣ ।

ଅନୁଗୋଳ, ତା.୨୦.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୮୪୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୮୫ଜଣ ( ୧୧୦ଜଣ ପୁରୁଷ ଓ ୭୫ଜଣ ମହିଳା), ବଣ୍ଠରପାଳ ବ୍ଲକ୍ ଅଂଚଳରୁ ୧୩୮ଜଣ ( ୯୫ଜଣ ପୁରୁଷ ଓ ୪୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୧୯ଜଣ (୭୯ ଜଣ ପୁରୁଷ ଓ ୪୦ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮୦ଜଣ ( ୫୪ଜଣ ପୁରୁଷ ଓ ୨୬ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭୧ଜଣ ( ୫୦ଜଣ ପୁରୁଷ ଓ ୨୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୬୭ଜଣ ( ୨୭ଜଣ ପୁରୁଷ ଓ ୪୦ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୬୭ଜଣ ( ୪୦ଜଣ ପୁରୁଷ ଓ ୨୭ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୫୪ଜଣ ( ୩୦ଜଣ ପୁରୁଷ ଓ ୨୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨୮ଜଣ (୨୧ ଜଣ ପୁରୁଷ ଓ ୭ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨୪ଜଣ ( ୧୪ଜଣ ପୁରୁଷ ଓ ୧୦ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୬ଜଣ ( ୧୦ଜଣ ପୁରୁଷ ଓ ୬ଜଣ ମହିଳା) ଅଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୬୫ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୮୫୩ ରେ ପହଂଚିଛି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୯୯ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୩୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୬୭ ଜଣ ମୃତ୍ୟୁବରଣ କଲେଣି ।